# ଆଜି ଅନୁଗୋଳ ଜିଲ୍ଲାରୁ ୪୯ ଜଣ କରୋନା ପଜିଟିଭ ଚିହ୍ନଟ -

## ପଜିଟିଭ ସଂଖ୍ୟା ୧୧୪୫୮ ରେ ପହଞ୍ଚିଲା - ସୁସ୍ଥ ହେଲେ ୨୮ ଜଣ ।

ଆଜି ଅନୁଗୋଳ ଜିଲ୍ଲାରେ ୪୯ ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଥିବାର ଜଣାପଡିଛି । ସେହିପରି ଅନ୍ୟ ଜିଲ୍ଲାରୁ ଅନୁଗୋଳରେ ସ୍ୱାବ ନମୁନା ଦେଇଥିବା ବ୍ୟକ୍ତିମାନଙ୍କ ମଧ୍ୟରୁ ୨ ଜଣ ଆକ୍ରାନ୍ତ ଚିହ୍ନଟ ହୋଇ ସମୁଦାୟ ଆକ୍ରାନ୍ତଙ୍କ ସଂଖ୍ୟା ୨୦୨ ରେ ପହଂଚିଛି । ଅନୁଗୋଳ ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଙ୍କ ମଧ୍ୟରେ ବଆଁରପାଲ ବ୍ଲକ୍ ଅଂଚଳରୁ ୧୬ ଜଣ (୧୧ ଜଣ ପୁରୁଷ ଓ ୫ଜଣ ମହିଳା), ତାଳଚେର ବ୍ଲକ୍ ଅଂଚଳରୁ ୧୨ଜଣ ( ୭ଜଣ ପୁରୁଷ ଓ ୫ଜଣ ମହିଳା), ଅନୁଗୋଳ ପୌରାଞ୍ଚଳରୁ ୮ଜଣ (୭ ଜଣ ପୁରୁଷ ଓ୧ ଜଣ ମହିଳା), ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୭ ଜଣ (୩ ଜଣ ପୁରୁଷ ଓ ୪ଜଣ ମହିଳା), ପାଲଲହଡା ବ୍ଲକ୍ ଅଂଚଳରୁ ୩ଜଣ ( ୨ଜଣ ପୁରୁଷ ଓ ୧ଜଣ ମହିଳା), ଅନୁଗୋଳ ବ୍ଲକ୍ ଅଂଚଳରୁ ୨ଜଣ (୨ ଜଣ ପୁରୁଷ ) ଓ କଣିହାଁ ବ୍ଲକ୍ ଅଂଚଳରୁ ୧ଜଣ ( ୧ଜଣ ପୁରୁଷ ) ଅଛନ୍ତି । ସମସ୍ତେ ଅନ୍ୟ ଆକ୍ରାନ୍ତଙ୍କ ସଂସ୍ପର୍ଶରେ ଆସି ପଜିଟିଭ ହୋଇଥିବାର ଜଣାପଡିଛି ।। ଆଜି ତାଳଚେର ପୌରାଞ୍ଚଳ,କିଶୋରନଗର ବ୍ଲକ୍, ଆଠମଲ୍ଲିକ ବ୍ଲକ, ଆଠମଲ୍ଲିକ ବିଜ୍ଞାପିତ ଅଂଚଳ ପରିଷଦରୁ କୌଣସି ପଜିଟିଭ ଚିହ୍ନଟ ହୋଇନାହାନ୍ତି । ଚିହ୍ନଟ ହୋଇଥିବା ସମସ୍ତ ଲକ୍ଷଣଯୁକ୍ତ ଆକ୍ରାନ୍ତମାନଙ୍କୁ କୋଭିଡ ହସପିଟାଲକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଙ୍କୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ସୁସ୍ଥ ହୋଇଥିବା ୨୮ ଜଣ ଯାକ ହୋମ Isolation ରେ ଥିବାର ଜଣାପଡିଛି ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ, ଅନୁଗୋଳ ।

ଜ୍ଞାପକ ସଂଖ୍ୟା. ୮୧୨ ତା.୧୬.୧୨.୨୦୨୦ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରାଗଲା ।

16/12/2020

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ